The Odisha Gazette

EXTRAORDINARY

PUBLISHED BY AUTHORITY

No. 1556 CUTTACK, MONDAY, DECEMBER 14, 2020/MARGASIRA 23, 1942

## ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ

## ଅଧିସୂଚନା

No. 21930--RDM-LAB-KPT-0002-2020-R&DM., dated. 08-07-2020

ଯେହେତୁ ଓଡିଶା ସରକାରଙ୍କୁ ପ୍ରତୀତ ହେଉଅଛି କି ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଅର୍ଥାତ ତେଲେଙ୍ଗିରି ମଧ୍ୟମ ଜଳସେଚନ ପ୍ରକଳ୍ପର ଚରାମୁଳା ଉପଶାଖା କେନାଲ ନିର୍ମାଣ ନିମନ୍ତେ ସରକାର ସରକାରୀ ବ୍ୟୟରେ ମୌଜା- **ଚରାମୁଳା**, ଥାନା-ବି.ସିଙ୍ଗିପୁର,ନଂ-୪୯, ତହସିଲ-ବୋରିଗୁମ୍ମା, ଜିଲ୍ଲା- କୋରାପୁଟରେ ନିମ୍ନ ତଫସିଲ ମତେ ପ୍ରାୟ **ଏ.୦.୦୫** ଭୂମି ଅର୍ଜନ କରିବା ଆବଶ୍ୟକ ହେଉଅଛି।

ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ, ୨୦୧୩ ର ଧାରା ୧୧(୧) ର ବ୍ୟବସ୍ଥା ଅନୁଯାୟୀ ଘୋଷିତ ଏହି ପ୍ରାରମ୍ଭିକ ଅଧିସୂଚନା ଟି ଏଥି ସହିତ ସମ୍ପୃକ୍ତ ସମସ୍ତଙ୍କ ପାଇଁ ପ୍ରଯୁଜ୍ୟ ଅଟେ।

୧- ସାର୍ବଜନୀନ ଉଦ୍ଦେଶ୍ୟର ସ୍ୱରୁପ:- ତେଲେଙ୍ଗିରି ମଧ୍ୟମ ଜଳସେଚନ ପ୍ରକଳ୍ପର ଚରାମୁଳା ଉପଶାଖା କେନାଲ କେନାଲ ଖନନ ନିମନ୍ତେ।

୨- ଜମି ଆବଶ୍ୟକ କରୁଥିବା ସଂସ୍ଥାର ନାମ :- ନିର୍ବାହୀ ଯନ୍ତ୍ରୀ, ତେଲେଙ୍ଗିରି କେନାଲ ସେଚଖଣ୍ଡ, ନଂ-୨, ଆମ୍ବାଗୁଡା।

୩-କ୍ଷତିଗ୍ରସ୍ତ ଲୋକଙ୍କ ବିସ୍ଥାପନ ଆବଶ୍ୟକତାର କାରଣ:- କୌଣସି ବିସ୍ଥାପନ ହେଉନାହିଁ ।

୪- ସାମାଜିକ ପ୍ରଭାବ ମୂଲ୍ୟାୟନର ସାରାଂଶ- ଉକ୍ତ ପ୍ରକଳ୍ପ ପାଇଁ ପ୍ରଯୁଜ୍ୟ ନୁହେଁ।

୫- ପୁନର୍ବାସ ଓ ଥଇଥାନ ପାଇଁ ନିଯୁକ୍ତ ପ୍ରଶାସକଙ୍କ ବିବରଣୀ- ଉପ-ଜିଲ୍ଲାପାଳ, ଜୟପୁର ।

୬- ଜମିର ବିବରଣୀ-

| ଜିଲ୍ଲା | ତହସିଲ | ଗ୍ରାମ | ଗ୍ରାମାଞ୍ଚଳ / ସହରାଞ୍ଚଳ | ଖାତା ନଂ | ପ୍ଲଟ୍ ନଂ | ପ୍ଲଟ୍ ର ମୋଟ ରକବା | ଅଧିସୂଚୀତ ଜମିର ରକବା | ରୟତ୍‌ର ନାମ |
|---|---|---|---|---|---|---|---|---|
| କୋରାପୁଟ | ବୋରିଗୁମ୍ମା | **ଚରାମୁଳା** | ଗ୍ରାମାଞ୍ଚଳ | ଏଥି ସହିତ ସଂଲଗ୍ନ | ଏଥି ସହିତ ସଂଲଗ୍ନ | ଏ.୦.୫୦ | **ଏ.୦.୦୫** | ଏଥି ସହିତ ସଂଲଗ୍ନ |

ଉକ୍ତ ଭୂମିର ଏକ ନକ୍ସା ତଥା ବିସ୍ତୃତ ବିବରଣୀ କୋରାପୁଟ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରେ କାର୍ଯ୍ୟ ଦିବସ ମାନଙ୍କରେ ଦେଖିବାକୁ ମିଳିପାରିବ ।

ଉକ୍ତ ଅଧିସୂଚନା ଅନ୍ତର୍ଭୁକ୍ତ କୌଣସି ଜମିର କ୍ରୟ ବିକ୍ରୟ, ହସ୍ତାନ୍ତର (ଦେଣ ନେଣ) କିମ୍ବା ଦାୟ ସୃଷ୍ଟି କୋରାପୁଟ ଜିଲ୍ଲାପାଳଙ୍କ ପୂର୍ବାନୁମୋଦନ ବିନା କରାଯାଇପାରିବ ନାହିଁ ।

ସମ୍ପୃକ୍ତ ଜମିର କୌଣସି ସ୍ୱତ୍ୱାଧିକାରୀ / ଜମିମାଲିକ ଭୂମି ଅଧିଗ୍ରହଣ ଅଧିସୂଚନା ସମ୍ପର୍କିତ ଅଧିସୂଚିତ ଜମିର ଉପଯୋଗିତା, ରକବା ଏବଂ ସାର୍ବଜନୀନ ଉଦ୍ଦେଶ୍ୟର ଔଚିତ୍ୟ ବିଷୟରେ କୌଣସି ଆପତ୍ତି ଉକ୍ତ ପ୍ରାରମ୍ଭିକ ଅଧିସୂଚନା ପ୍ରକାଶନର ୬୦(ସାଠିଏ) ଦିନ ମଧ୍ୟରେ କୋରାପୁଟ ଜିଲ୍ଲାପାଳଙ୍କ ନିକଟରେ ଲିଖିତ ଆକାରରେ ଅଭିଯୋଗ କରିପାରିବେ ।

**ଜମିର ବିଶଦ ବିବରଣୀ**

| ଜିଲ୍ଲାର ନାମ | ତହସିଲ | ଗ୍ରାମ□ | ଗ୍ରାମ | ଖାତା ନଂ | ପ୍ଲଟନଂ | ଜମିର ମୋଟ ରକବା | ଅଧିସୂଚିତ ହେବାକୁ ଥିବା ଜମିର ପରିମାଣ | ରଯ୍ୟତଙ୍କ ନାମ ଏବଂ ପିତାଙ୍କ ନାମ |
|---|---|---|---|---|---|---|---|---|
| କୋରାପୁଟ | ବୋରିଗୁମ୍ମା | ଚରାମୂଳା | | ୧୨୪ /୧୦୭ | ୬୮/୫୦୭ | ୦.୫୦ | ୦.୦୫ | ଜନୁ ଗଣ୍ଡା ପି-ଘନ ଗଣ୍ଡା |
| | | | ମୋଟ | | | ୦.୫୦ | ୦.୦୫ | |

ରାଜ୍ୟପାଳଙ୍କ ଆଦେଶାନୁକ୍ରମେ

**ଅଭୟ କୁମାର ନାୟକ**

ଅତିରିକ୍ତ ଶାସନ ସଚିବ

---

Printed and published by the Director, Directorate of Printing, Stationery and Publication, Odisha, Cuttack-10
Ex. Gaz. 962—173+20